# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 28 April - 2025

*************************************

## ମୁଖ୍ୟ ସମ୍ବାଦ

- ନୂଆଦିଲ୍ଲୀରେ ୧୯ଟି ବର୍ଗରେ ବିଶିଷ୍ଟ ବ୍ୟକ୍ତିଙ୍କୁ ପଦ୍ମ ପୁରସ୍କାର ପ୍ରଦାନ କଲେ ରାଷ୍ଟ୍ରପତି
- ରାଜ୍ୟ ପୁଲିସ ବିଭାଗରେ ଖାଲି ପଡ଼ିଥିବା ୧୬ ହଜାରରୁ ଊର୍ଦ୍ଧ୍ୱ ପଦବୀ ପୂରଣ ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି; ସୂଚନା ଦେଲେ ପୁଲିସ ମହାନିର୍ଦ୍ଦେଶକ
- ଅଣାନବେ ବର୍ଷରେ ପଦାର୍ପଣ କଲା ଓଡ଼ିଆ ସିନେମା; ଓଡ଼ିଆ ଚଳଚ୍ଚିତ୍ର ବୈଶ୍ୱିକ ପରିଚୟ ସହ ଆଗକୁ ବଢୁଛି କହିଲେ ମୁଖ୍ୟମନ୍ତ୍ରୀ

ଏବଂ

- ଆଧୁନିକ ଓଡ଼ିଶାର ନିର୍ମାତା ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀ ଉପଲକ୍ଷେ ରାଜ୍ୟବାସୀ ଜଣାଇଲେ ଶ୍ରଦ୍ଧାଞ୍ଜଳି

*GNR*

## ବେସାମରିକ ନାଗରିକ ସମ୍ମାନ ପୁରସ୍କାର

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆଜି ରାଷ୍ଟ୍ରପତି ଭବନରେ ଅନ୍ୟତମ ବେସାମରିକ ନାଗରିକ ସମ୍ମାନ ପଦ୍ମ ପୁରସ୍କାର ପ୍ରଦାନ କରୁଛନ୍ତି। ରାଷ୍ଟ୍ରପତି ୧୯ଟି ବର୍ଗରେ ୧୩୯ ଜଣ ବିଜେତାଙ୍କୁ ଏହି ପୁରସ୍କାର ପ୍ରଦାନ କରୁଥିବା ଆମ ସମ୍ବାଦଦାତା ଜଣାଇଛନ୍ତି। ଚଳିତ ବର୍ଷ ଓଡ଼ିଶାରୁ ପଦ୍ମଶ୍ରୀ ପୁରସ୍କାର ପାଇଁ ଅଦ୍ୱୈତ ଚରଣ ଗଡ଼ନାୟକ, ଡକ୍ଟର ଅଶୋକ କୁମାର ମହାପାତ୍ର, ଦୁର୍ଗାଚରଣ ରଣବୀର ଏବଂ ପ୍ରତିଭା ଶତପଥୀ ମନୋନୀତ ହୋଇଛନ୍ତି। ଏହି ସମାରୋହରେ ଉପରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ଏବଂ ମନ୍ତ୍ରି ପରିଷଦର ସଦସ୍ୟମାନେ ଉପସ୍ଥିତ ଅଛନ୍ତି।

*BBSR/R*

## ବିକାଶମୂଳକ କାର୍ଯ୍ୟ ସମୀକ୍ଷା

ଭୁବନେଶ୍ୱରସ୍ଥିତ ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ କେନ୍ଦ୍ରାପଡ଼ା ସାଂସଦ ତଥା ବିଜେପି ରାଷ୍ଟ୍ରୀୟ ଉପାଧ୍ୟକ୍ଷ ବୈଜୟନ୍ତ ପଣ୍ଡା ସାକ୍ଷାତ କରିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀଙ୍କ ସହ ଶ୍ରୀ ପଣ୍ଡା କେନ୍ଦ୍ରାପଡ଼ା ଜିଲ୍ଲାର ବିଭିନ୍ନ ବିକାଶମୂଳକ କାର୍ଯ୍ୟ ସମ୍ପର୍କରେ ବିସ୍ତୃତ ଆଲୋଚନା କରିଛନ୍ତି। କେନ୍ଦ୍ରାପଡ଼ାର ତଳି ଅଞ୍ଚଳକୁ ଜଳମଗ୍ନ ହେବାରୁ ମୁକ୍ତ କରିବା ତଥା ବନ୍ୟା ନିୟନ୍ତ୍ରଣ ପାଇଁ ଲୁଣା ନଦୀ ଉପରେ ଏକ ବ୍ୟାରେଜ ନିର୍ମାଣ କରିବା ପାଇଁ ସାଂସଦ ମୁଖ୍ୟମନ୍ତ୍ରୀଙ୍କୁ ପ୍ରସ୍ତାବ ଦେଇଛନ୍ତି। ଏହା ସହ ଜିଲ୍ଲାରେ ସ୍ୱାସ୍ଥ୍ୟସେବାରେ ଉନ୍ନତି ପାଇଁ ଏକ ଚାରିଟେବୁଲ ମଲ୍ଟିସ୍ପେଶିଆଲିଟି ଡାକ୍ତରଖାନା ନିର୍ମାଣ ପାଇଁ ଜମି ଚିହ୍ନଟ

ସମ୍ପର୍କରେ ସେ ମୁଖ୍ୟମନ୍ତ୍ରୀଙ୍କ ସହ ଆଲୋଚନା କରିଥିବା ଆମ ସମ୍ବାଦଦାତା ଜଣାଇଛନ୍ତି। ଏହି ଆଲୋଚନା ସମୟରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ମୁଖ୍ୟମନ୍ତ୍ରୀଙ୍କ ଅତିରିକ୍ତ ମୁଖ୍ୟ ଶାସନ ସଚିବ ନିକୁଞ୍ଜ ବିହାରୀ ଧଳ ଏବଂ ଉନ୍ନୟନ କମିଶନର ଅନୁ ଗର୍ଗ ପ୍ରମୁଖ ଉପସ୍ଥିତ ଥିଲେ।

***HS***

## ପୁଲିସ ବିଭାଗରେ ନିଯୁକ୍ତି

ରାଜ୍ୟରେ ପୁଲିସ ବିଭାଗରେ ଖାଲିଥିବା ୧୬ ହଜାର ୫୦୦ ପଦବୀ ପୂରଣ କରିବା ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି ବୋଲି ରାଜ୍ୟ ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ କହିଛନ୍ତି। ରାଉରକେଲା ପୁଲିସ ମୁଖ୍ୟାଳୟରେ ଆଜି ବରିଷ୍ଠ ପୁଲିସ ଅଧିକାରୀଙ୍କ ସହ ବିଭିନ୍ନ ପ୍ରସଙ୍ଗ ସମ୍ପର୍କରେ ଆଲୋଚନା କରିବା ସମୟରେ ଶ୍ରୀ ଖୁରାନିଆ ଏହା କହିଛନ୍ତି। ଆସନ୍ତା ମାସେ ମଧ୍ୟରେ ଏହି ନିଯୁକ୍ତି ପ୍ରକ୍ରିୟା ଆରମ୍ଭ ହେବ ବୋଲି ପୁଲିସ ମହାନିର୍ଦ୍ଦେଶକ ସୂଚନା ଦେଇଛନ୍ତି।

***Desk***

# ଓଡ଼ିଆ ସିନେମା ପୂର୍ତ୍ତି

ଓଡ଼ିଆ ସିନେମା ଆଜି ୮୯ ବର୍ଷରେ ପଦାର୍ପଣ କରିଛି। ପ୍ରଥମ ଓଡ଼ିଆ ଚଳଚ୍ଚିତ୍ର ମୋହନ ସୁନ୍ଦରଦେବ ଗୋସ୍ୱାମୀଙ୍କ 'ସୀତା ବିବାହ' ୧୯୩୬ ମସିହା ଅପ୍ରେଲ ମାସ ୨୮ ତାରିଖରେ ପୁରୀ ସହରର ଲକ୍ଷ୍ମୀ ଟକିଜ୍‌ରେ ମୁକ୍ତିଲାଭ କରିଥିଲା ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓଡ଼ିଆ ସିନେମାର ଗୌରବମୟ ଇତିହାସକୁ ମନେ ପକାଇ ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି, ଓଡ଼ିଆ ଚଳଚ୍ଚିତ୍ର ନୂତନ ପ୍ରଯୁକ୍ତି, କାହାଣୀ, ବିବିଧତା ଏବଂ ବୈଶ୍ୱିକ ପରିଚୟ ସହ ଆଗକୁ ବଢୁଛି । ଓଡ଼ିଆ ଚଳଚ୍ଚିତ୍ର ପ୍ରକୃତ ପକ୍ଷରେ ଓଡ଼ିଶାର ସାଂସ୍କୃତିକ ଗରିମା, ଲୋକଜୀବନର ବର୍ଣ୍ଣଳତା ଏବଂ ସମାଜର ଭାବନାକୁ ରୂପେଲି ପରଦାରେ ଅମର କରିଛି। ଓଡ଼ିଆ ଚଳଚ୍ଚିତ୍ରର ଗୌରବ ଇତିହାସକୁ ସ୍ମରଣ କରି ସମସ୍ତ ଓଡ଼ିଆ ସିନେ ପ୍ରେମୀ, ଦର୍ଶକ, କଳାକାର, ନିର୍ଦ୍ଦେଶକ ଏବଂ ଓଡ଼ିଆ ଚଳଚ୍ଚିତ୍ର ଜଗତ ସହ ଜଡ଼ିତ ଥିବା ସମସ୍ତଙ୍କୁ ମୁଖ୍ୟମନ୍ତ୍ରୀ ହାର୍ଦ୍ଦିକା ଶୁଭେଚ୍ଛା ଜଣାଇଛନ୍ତି ।

ଓଡ଼ିଆ ସିନେମାରେ ସ୍ୱର୍ଣ୍ଣିମ ଯାତ୍ରା ସମ୍ପର୍କରେ ଓଡ଼ିଆ ସିନେମା କଳାକାର ସଂଘର ସାଧାରଣ ସମ୍ପାଦକ ଶ୍ରୀତମ ଦାସ କହିଛନ୍ତି...

**- V/O –**

***CTC/G.jam/N.pada/N.garh/K.para***

## ମଧୁସୂଦନ ଦାସ ଜୟନ୍ତୀ

ଆଧୁନିକ ଓଡ଼ିଶାର ନିର୍ମାତା ତଥା ସ୍ୱତନ୍ତ୍ର ଉତ୍କଳ ପ୍ରଦେଶ ଗଠନରେ ମହତ୍ତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିବା ଉତ୍କଳଗୌରବ ମଧୁସୂଦନ ଦାସଙ୍କର ୧୭୭ତମ ଜୟନ୍ତୀ ପାଳନ କରାଯାଉଛି।  ଏହି ଅବସରରେ ଆଜି ତାଙ୍କର ସ୍ମୃତିରେ କଟକ ସମେତ ରାଜ୍ୟର ବିଭିନ୍ନ ସ୍ଥାନରେ କାର୍ଯ୍ୟକ୍ରମମାନ ଆୟୋଜନ କରାଯାଉଛି । ମଧୁସୂଦନ ଦାସ ଥିଲେ ଓଡ଼ିଆ ଜାତିର ଗର୍ବ ଓ

ଗୌରବ । ଜଣେ ପ୍ରଖ୍ୟାତ ଜାତୀୟତାବାଦୀ ନେତା ରୂପେ ଉତ୍କଳଗୌରବ ମଧୁସୂଦନ ଦାସ ଯେତିକି ପରିଚିତ, ବିଶିଷ୍ଟ ଆଇନଜ୍ଞ ଭାବେ ତାଙ୍କର ଭୂମିକା ଥିଲା ଅତ୍ୟନ୍ତ ଗରିମାମୟ । ଭାରତୀୟ ମହିଳାଙ୍କୁ ଆଇନଜୀବୀ ବୃତ୍ତି ଗ୍ରହଣ ଭଳି ଯୁଗାନ୍ତକାରୀ ଅଧିକାର ପ୍ରଦାନ କରି ମଧୁବାବୁ ଦେଶର ଆଇନଜୀବୀଙ୍କ ପାଇଁ ପ୍ରେରଣାଦାୟୀ ହୋଇ ରହିଛନ୍ତି । ମଧୁବାବୁ ଜଣେ ସୁଦକ୍ଷ ଆଇନଜ୍ଞ ହେବା ସହିତ ସହିତ ଏକାଧାରରେ ଥିଲେ ଜଣେ ସମାଜ ସଂସ୍କାରକ, ସାହିତ୍ୟ ସାଧକ, ଉତ୍କଳ ସମ୍ମିଳନୀର ପ୍ରତିଷ୍ଠାତା, ଶିକ୍ଷାବିତ୍, ଦାର୍ଶନିକ, ବ୍ୟବସ୍ଥାପକ ଏବଂ ଭାରତବର୍ଷର ଜଣେ ଆଗ ଧାଡ଼ିର ଜନନାୟକ । ୧୯୨୪ ମସିହାରୁ ମଧୁବାବୁଙ୍କ ସ୍ୱଦେଶୀ ଆନ୍ଦୋଳନ, ଗ୍ରାମ୍ୟ ଉନ୍ନୟନ ପରିକଳ୍ପନା, ସମସ୍ତଙ୍କୁ ମୌଳିକ ଶିକ୍ଷାର ଅଧିକାର, ପଛୁଆ ଶ୍ରେଣୀ ଲୋକମାନଙ୍କର ଉତ୍ଥାନ ଆଦି କେତେକ ଜନଜାଗରଣ ପ୍ରସଙ୍ଗ ମହାତ୍ମା ଗାନ୍ଧୀଙ୍କ ଚିନ୍ତାଧାରାକୁ ଗଭୀର ଭାବେ ପ୍ରଭାବିତ କରିଥିଲା ।

କଟକସ୍ଥିତ ମଧୁସୂଦନ ଆଇନ ବିଶ୍ୱବିଦ୍ୟାଳୟରେ ମଧୁସୂଦନ ଦାସଙ୍କ ଜନ୍ମ ଦିବସ ପାଳିତ ହୋଇଛି । ଆଜି ମଧ ଆଇନ ବିଶ୍ୱବିଦ୍ୟାଳୟର ଚତୁର୍ଥ ପ୍ରତିଷ୍ଠା ଦିବସ ଅବସରରେ କୁଳପତି କମଲଜିତ ସିଂହ, ମଧୁବାବୁଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ ।

ଗଞ୍ଜାମ ଜିଲ୍ଲା ଛତ୍ରପୁର ଆଇନଜୀବୀ ସଂଘ କାର୍ଯ୍ୟାଳୟ ପରିସରରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜନ୍ମଜୟନ୍ତୀ ପାଳିତ ହୋଇଛି । ଏଥିରେ ଛତ୍ରପୁର ବିଧାୟକ କୃଷ୍ଣ ଚନ୍ଦ୍ର ନାୟକ ମୁଖ୍ୟ ଅତିଥିଭାବେ

ଯୋଗଦେଇ ଉତ୍କଳ ଗୌରବଙ୍କ ସ୍ମୃତିଚାରଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ସଂଘର ସଭାପତି ପ୍ରଦୀପ ପାଢ଼ିଙ୍କ ସମେତ ଜିଲ୍ଲାର ବିଚାରପତି ମାନେ ଉପସ୍ଥିତ ଥିଲେ।

ନୟାଗଡ଼ ଜିଲ୍ଲା ଭାରତ ବିକାଶ ପରିଷଦ ଶାଖା ପକ୍ଷରୁ ମଧୁସୂଦନ ଦାସଙ୍କ ଜନ୍ମଜୟନ୍ତୀ ପାଳିତ ହୋଇଛି। ନୟାଗଡ଼ ବଜେନ୍ଦ୍ର ହାଇସ୍କୁଲ ପରିସରରେ ଥିବା ମଧୁସୂଦନ ଦାସଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇ ବିଶିଷ୍ଟ ବ୍ୟକ୍ତିମାନେ ତାଙ୍କର ସ୍ମୃତିଚାରଣ କରିଥିଲେ।

ନୂଆପଡ଼ା ଜିଲ୍ଲା ସିଭିଲ ଆଇନଜୀବୀ ସଂଘ ପକ୍ଷରୁ ମଧୁବାବୁ ଜୟନ୍ତୀ ପାଳିତ ହୋଇଛି। ଏଥିରେ ଓଡ଼ିଶା ହାଇକୋର୍ଟର ପୂର୍ବତନ ବିଚାରପତି ଜଷ୍ଟିସ ରଘୁବର ଦାସ ଯୋଗଦେଇ ମଧୁବାବୁଙ୍କ ନୀତି ଓ ଆଦର୍ଶ ବିଷୟରେ ଆଲୋକପାତ କରିଥିଲେ।

କେନ୍ଦ୍ରାପଡ଼ା ଜିଲ୍ଲା ଆଇନଜୀବୀ ସଂଘ ପକ୍ଷରୁ ଜିଲ୍ଲା ନ୍ୟାୟାଳୟ ପରିସରରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀ ପାଳନ କରାଯାଇ ତାଙ୍କର ସ୍ମୃତିଚାରଣ କରାଯାଇଛି।

***Deogarh/N.pada/Khurda/N.gada/BHK/G.pati/***

## ଜନଅଭିଯୋଗ ଶୁଣାଣି

ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ଜନଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଛି।

ଗଜପତି ଜିଲ୍ଲା ଗୋଷାଣୀ ବ୍ଲକ ଅନ୍ତର୍ଗତ ସବରା ଗ୍ରାମ ପଞ୍ଚାୟତ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ବିଜୟ କୁମାର ଦାସଙ୍କ ଅଧ୍ୟକ୍ଷତାରେ ଯୁଗ୍ମ ଜନଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଛି। ଏଥିରେ ୫୩ଟି ଅଭିଯୋଗର ଶୁଣାଣି କରାଯାଇଥିଲା। ଏଥିସହ ୨୨ ଜଣ ହିତାଧିକାରୀଙ୍କୁ ଜଙ୍ଗଲଜମି ପଟ୍ଟା ପ୍ରଦାନ କରାଯାଇଥିଲା।

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ଉପଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ଜନଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଛି। ଅତିରିକ୍ତ ଜିଲ୍ଲାପାଳ ଦେବଦତ୍ତ ପଣ୍ଡା, ଉପଜିଲ୍ଲାପାଳ ଏବଂ ବିଭାଗୀୟ ଅଧିକାରୀମାନେ ୬୫ଟି ଅଭିଯୋଗର ଶୁଣାଣି କରିଥିଲେ।

ନୟାଗଡ଼ ଜିଲ୍ଲା ଗଣିଆ ବ୍ଲକରେ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲଙ୍କ ଅଧ୍ୟକ୍ଷତାରେ ଜିଲ୍ଲାସ୍ତରୀୟ ଅଭିଯୋଗ ଶୁଣାଣିରେ ୨୪ଟି ଅଭିଯୋଗର ଶୁଣାଣି କରାଯାଇ ୧୭ଟି ମାମଲାର ତ୍ୱରିତ ସମାଧାନ କରାଯାଇଥିଲା।

ଭଦ୍ରକ ଜିଲ୍ଲା ତିହିଡ଼ି ବ୍ଲକ ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟଙ୍କ ଅଧ୍ୟକ୍ଷତାରେ ଜନଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଛି। ଏଥିରେ ୯୨ଟି ଅଭିଯୋଗର ଶୁଣାଣି କରାଯାଇ ୧୪ଟି ମାମଲାର ଫଇସଲା କରାଯିବା ସହ ଅନ୍ୟ ମାମଲାଗୁଡ଼ିକର ସମାଧାନ କରିବା ପାଇଁ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା।

ଖୋର୍ଦ୍ଧା ଜିଲ୍ଲା ବରସାହି ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟରେ ଖୋର୍ଦ୍ଧା ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ଉପସ୍ଥିତିରେ ଜନଅଭିଯୋଗ ଶୁଣାଣି

ଅନୁଷ୍ଠିତ ହୋଇଛି । ଏଥିରେ ଜିଲ୍ଲାପାଳ ଚଞ୍ଚଳ ରାଣା ଓ ଆରକ୍ଷୀ ଅଧୀକ୍ଷକ ସାଗରିକା ନାଥ ୯୫ଟି ଅଭିଯୋଗର ଶୁଣାଣି କରି ସମାଧାନ ପାଇଁ ନିର୍ଦ୍ଦେଶ ଦେଇଥିଲେ ।

ନୂଆପଡ଼ା ଜିଲ୍ଲା କୋମନା ବ୍ଲକ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ମଧୁସୂଦନ ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଜନଶୁଣାଣିରେ ୮୮ଟି ଅଭିଯୋଗର ଶୁଣାଣି ହୋଇଥିଲା ।

ଦେବଗଡ଼ ଜିଲ୍ଲା ତିଲେଇବଣି ବ୍ଲକ ବୁଢ଼ିଆନାଡ଼ି ଗ୍ରାମ ପଞ୍ଚାୟତ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଜନଶୁଣାଣିରେ ଜିଲ୍ଲାପାଳ ରବୀନ୍ଦ୍ର କୁମାର ସାହୁ ୪୪ଟି ଅଭିଯୋଗର ଶୁଣାଣି କରିଥିଲେ । ଏଥିରେ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ଅନୀଲ କୁମାର ମିଶ୍ରଙ୍କ ସମେତ ଉପଜିଲ୍ଲାପାଳ, ବିଡିଓ ପ୍ରମୁଖ ଉପସ୍ଥିତ ଥିଲେ ।

***Kalahandi***

## ସମବାୟ ବର୍ଷ ପାଳିତ

ଆନ୍ତର୍ଜାତିକ ସମବାୟ ବର୍ଷ-୨୦୨୫ ପାଳନ ଉପଲକ୍ଷେ କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ଟାଉନହଲରେ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଅତିରିକ୍ତ ଜିଲ୍ଲାପାଳ ତନ୍ମୟ କୁମାର ଦରୱାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ବିଧାୟକଗଣ, ଜିଲ୍ଲା ପରିଷଦ ଅଧ୍ୟକ୍ଷ, କେନ୍ଦ୍ର ସମବାୟ ବ୍ୟାଙ୍କର ଅଧିକାରୀମାନେ ଯୋଗଦେଇ ଆନ୍ତର୍ଜାତିକ ସମବାୟ ବର୍ଷ ପାଳନ ସମ୍ପର୍କରେ ଆଲୋକପାତ କରିଥିଲେ ।

ବିଶିଷ୍ଟ ଅତିଥିମାନେ ମଧୁବାବୁଙ୍କ ଜୟନ୍ତୀ ଉପଲକ୍ଷେ ତାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପ ମାଲ୍ୟାର୍ପଣ କରିଥିଲେ ।

***Desk***

# ପାଣିପାଗ

ରାଜ୍ୟର ଅଧିକାଂଶ ଜିଲ୍ଲାରେ ଦିନର ସର୍ବୋଚ୍ଚ ତାପମାତ୍ରା ହ୍ରାସ ପାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆଜି ବଲାଙ୍ଗୀରଠାରେ ସର୍ବାଧିକ ତାପମାତ୍ରା ୪୦ ଦଶମିକ ୪ ଡିଗ୍ରୀ ସେଲସିୟସ ରେକର୍ଡ ହୋଇଛି । ତେବେ ପ୍ରାୟ ଅନ୍ୟ ସମସ୍ତ ସହରର ତାପମାତ୍ରା ୪୦ ଡିଗ୍ରୀ ସେଲସିୟସ ତଳେ ରହିଛି । ବିଭିନ୍ନ ସ୍ଥାନରେ  ଆଗାମୀ ୫ ଦିନ ପର୍ଯ୍ୟନ୍ତ କାଳବୈଶାଖୀର ପ୍ରଭାବ ରହିବ ବୋଲି ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରାଯାଇଛି । କାଳବୈଶାଖୀର ପ୍ରଭାବରେ ତାପମାତ୍ରା ୩ରୁ ୫ ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବାର ସମ୍ଭାବନା ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ମୟୂରଭଞ୍ଜ, କେନ୍ଦୁଝର, ବାଲେଶ୍ୱର, ସୁନ୍ଦରଗଡ଼ ଓ ଝାରସୁଗୁଡ଼ା ଜିଲ୍ଲାର କେତେକ ସ୍ଥାନରେ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି କଟକ, ଖୋର୍ଦ୍ଧା ସମେତ ୨୫ଟି ଜିଲ୍ଲାରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି ।

*****